# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 777 CUTTACK, WEDNESDAY, MAY 11, 2005 / BAISAKHA 21, 1927**

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 2 ମଇ 2005

ସଂଖ୍ୟା 18339—ଏଲ୍.ଏ.(ବି)-78/2003-ଗଞ୍ଜାମ-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ବାଘଲଟି ଜଳସେଚନ ପ୍ରକଳ୍ପ କେନାଲ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ନୂଆଗଡ଼, ଥାନା ଜରଡ଼ା, ଜିଲ୍ଲା ଗଞ୍ଜାମରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 2.090 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 3524-ରା., ତା 27 ଜାନୁଆରୀ 2004 ରିଖ ଓ ରାଜପତ୍ର ସଂଖ୍ୟା 163, ତା 31 ଜାନୁଆରୀ 2004ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା, ଗଞ୍ଜାମ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

Printed and Published by the Director, Printing, Stationery and Publication, Orissa, Cuttack-10
Ex. Gaz. 237–193+20